# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**4 March – 2025**

---

## ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶକ୍ତି ବିଭାଗର ବିଭିନ୍ନ କାର୍ଯ୍ୟର ସମୀକ୍ଷା କରି ଗ୍ରୀଷ୍ମଋତୁରେ ନିରବଚ୍ଛିନ୍ନ ବିଦ୍ୟୁତ୍ ଯୋଗାଣ  ପାଇଁ ସମସ୍ତ ବିଦ୍ୟୁତ୍ ବିତରଣ କମ୍ପାନୀଗୁଡ଼ିକୁ ସଜାଗ ରହିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ଏହା ସହ ଖରାଦିନେ ବିଦ୍ୟୁତ୍ ଜନିତ ସମସ୍ୟାର ପ୍ରତିକାର ପାଇଁ ଆଗୁଆ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଛି । ସରକାରୀ କାର୍ଯ୍ୟାଳୟ ଗୁଡ଼ିକରେ ବିଦ୍ୟୁତ୍ ଶକ୍ତିର ଅପଚୟ ରୋକିବା ଏବଂ ପ୍ରଧାନମନ୍ତ୍ରୀ ସୂର୍ଯ୍ୟଘର ଯୋଜନାରେ ଅଧିକ ସଂଖ୍ୟକ ଲୋକଙ୍କୁ ସାମିଲ କରିବା ପାଇଁ ସୂଚନା ଅଭିଯାନକୁ ବ୍ୟାପକ କରିବା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ପ୍ରଦାନ କରିଛନ୍ତି ।

---

## ପଞ୍ଚାୟତିରାଜ ଦିବସ

ରାଜ୍ୟରେ ଏଣିକି ମାର୍ଚ୍ଚ ୫ ତାରିଖ ବଦଳରେ ପ୍ରତିବର୍ଷ ଏପ୍ରିଲ୍ ୨୪ ତାରିଖକୁ ପଞ୍ଚାୟତିରାଜ ଦିବସ ରୂପେ ପାଳନ କରାଯିବ । ଏ ନେଇ ସରକାର ନିଷ୍ପତ୍ତି ନେଇଛନ୍ତି । ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି, ଏପ୍ରିଲ ୨୪ ତାରିଖ ଦିନ ଜାତୀୟ ପଞ୍ଚାୟତିରାଜ ଦିବସ ପାଳନ ଅବସରରେ ଜାତୀୟ ଓ ରାଜ୍ୟସ୍ତରରେ ଥିବା ଅସଂହତିକୁ ଦୂର କରିବା ପାଇଁ ଏହି ନିଷ୍ପତ୍ତି ନିଆଯାଇଛି । ମାର୍ଚ୍ଚ ୫ ତାରିଖ ଦିନ ଓଡ଼ିଶାର

ବରପୁତ୍ର ବିଜୁ ପଟ୍ଟନାୟକଙ୍କ ଜୟନ୍ତୀ ପାଳନ କରାଯିବ । ତେବେ ଏହି ଦିବସଟି ସରକାରୀ ଛୁଟି ରହିବ ନାହିଁ ବୋଲି କୁହାଯାଇଛି ।

## ମୁଖ୍ୟମନ୍ତ୍ରୀଙ୍କ ଗସ୍ତ

ଆନ୍ତର୍ଜାତିକ ମହିଳା ଦିବସ ଅବସରରେ ଆସନ୍ତା ୮ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବ୍ରହ୍ମପୁର ଗସ୍ତରେ ଯାଇ ଜନସଭାରେ ଯୋଗଦେବେ । ସେହିଦିନ ମୁଖ୍ୟମନ୍ତ୍ରୀ ସୁଭଦ୍ରା ଯୋଜନାର ଦ୍ୱିତୀୟ କିସ୍ତି ପ୍ରଦାନ କରିବେ । ଏହା ପୂର୍ବରୁ ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଏବଂ ଅନ୍ୟାନ୍ୟ ଅଧିକାରୀମାନେ ସଭାସ୍ଥଳ ତଦାରଖ କରିଥିବା ଜଣାପଡ଼ିଛି ।

## ବିଲ୍ ଦାଖଲ ଅବଧି

୨୦୨୪-୨୫ ଆର୍ଥିକବର୍ଷ ନିମନ୍ତେ ଆର୍ଥିକ କାରବାର ବିଲ୍ ଦାଖଲ ଅବଧିକୁ ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ଏହି ସମୟ ମଧ୍ୟରେ ବଜେଟରେ ମଂଜୁର ହୋଇଥିବା ବ୍ୟୟ ବରାଦ ଖର୍ଚ୍ଚ କରିବା ସହ ଆର୍ଥିକ କାରବାର ପ୍ରକ୍ରିୟା ଶେଷ କରିବାକୁ ଅର୍ଥ ବିଭାଗ ପକ୍ଷରୁ ସମସ୍ତ ବିଭାଗକୁ ଅବଗତ କରାଯାଇଛି ।

## ପ୍ରମାଣପତ୍ର ଯାଞ୍ଚ

ରାଜ୍ୟର ବିଭିନ୍ନ ଅନୁଦାନପ୍ରାପ୍ତ ବେସରକାରୀ ମହାବିଦ୍ୟାଳୟରେ ନିଯୁକ୍ତ କର୍ମଚାରୀଙ୍କ ଯୋଗ୍ୟତା ପରୀକ୍ଷାର ମୂଳ ମାର୍କସିଟ୍ ଓ ପ୍ରମାଣପତ୍ର ଯାଞ୍ଚ କରାଯିବ । ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ୪୮୮ ଏବଂ ୬୬୨ ବର୍ଗର

ଅନୁଦାନପ୍ରାପ୍ତ ବେସରକାରୀ ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ ସମସ୍ତ ଶିକ୍ଷକ ଓ ଅଣଶିକ୍ଷକ କର୍ମଚାରୀଙ୍କ ପ୍ରମାଣପତ୍ର ଯାଞ୍ଚ କରି ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି । ଜାଲ୍ ପ୍ରମାଣପତ୍ର ଦେଇ ଚାକିରି କରିଥିବା ଅଭିଯୋଗ ଆସିବା ପରେ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ପ୍ରକ୍ରିୟା ଆରମ୍ଭ ହୋଇଛି ।

## ଏସ୍ଆଇଟି ବୈଠକ

କଳାଧନ ସଂକ୍ରାନ୍ତରେ ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ କମିଟି ଏସ୍ଆଇଟି ବୈଠକ ଆସନ୍ତା ୮ ତାରିଖ ଦିନ ଅନୁଷ୍ଠିତ ହେବ । ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତି ତଥା ଏସ୍ଆଇଟିର ଉପାଧ୍ୟକ୍ଷ ଜଷ୍ଟିସ ଅରିଜିତ ପଶାୟତଙ୍କ ଅଧ୍ୟକ୍ଷତାରେ କଟକରେ ବୈଠକ ହେବ ବୋଲି ଜଣାପଡ଼ିଛି ।

## କ୍ରୀଡ଼ାର ବିକାଶ

ବିକଶିତ ଓଡ଼ିଶା ଗଠନ ପାଇଁ ରାଜ୍ୟରେ କ୍ରୀଡ଼ା ଓ କ୍ରୀଡ଼ାବିତ୍‌ମାନଙ୍କ ସାମଗ୍ରୀକ ବିକାଶ ସରକାରଙ୍କ ପ୍ରାଥମିକତା ବୋଲି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି । ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ କ୍ରୀଡ଼ା ଓ ଯୁବସେବା ବିଭାଗର ବିଭିନ୍ନ କାର୍ଯ୍ୟର ସମୀକ୍ଷା କରି ମନ୍ତ୍ରୀ ଶ୍ରୀ ସୂରଜ କହିଛନ୍ତି ବ୍ଲକ ସ୍ତରରେ ଷ୍ଟାଡିୟମ ନିର୍ମାଣ ପାଇଁ ୪ ହଜାର ୧୨୪ କୋଟି ଟଙ୍କା ବ୍ୟୟ ଅଟକଳ କରାଯାଇଛି । ଆଗାମୀ ଦିନରେ ରାଜ୍ୟରେ କ୍ରୀଡ଼ା ବିକାଶ ପାଇଁ ସରକାର ପଦକ୍ଷେପ ନେଉଛନ୍ତି ।

# ନିଯୁକ୍ତି ମେଳା

କଟକରେ ଆସନ୍ତା ୭ ତାରିଖ ଶୁକ୍ରବାର ଦିନ ଜିଲ୍ଲାସ୍ତରୀୟ ନିଯୁକ୍ତି ମେଳା ଜବାହରଲାଲ ନେହେରୁ ଇନ୍‌ଡୋର ଷ୍ଟାଡିୟମରେ ଅନୁଷ୍ଠିତ ହେବ । ଏହି ମେଳା ସକାଳ ୧୦ଟାରୁ ଆରମ୍ଭ ହୋଇ ଅପରାହ୍ଣ ୩ଟା ପର୍ଯ୍ୟନ୍ତ ଚାଲିବ । ଓଡ଼ିଶା ଦକ୍ଷତା ବିକାଶ ପ୍ରାଧିକରଣ, ଜିଲ୍ଲା ଦକ୍ଷତା ବିକାଶ ନିୟୋଜନ କାର୍ଯ୍ୟାଳୟ ଓ ଜିଲ୍ଲା ପ୍ରଶାସନର ସହଯୋଗରେ ହେବାକୁ ଥିବା ମେଳାରେ ବିଭିନ୍ନ ବର୍ଗରୁ ୫୦ରୁ ଅଧିକ ନିଯୁକ୍ତିଦାତା ଅଂଶଗ୍ରହଣ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି।

---

# ବୈଠକ

ଗଜପତି ଜିଲ୍ଲା ପାରଳାଖେମୁଣ୍ଡିସ୍ଥିତ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲା ଉନ୍ନୟନ ସମନ୍ୱୟ ପର୍ଯ୍ୟବେକ୍ଷଣ କମିଟି ବୈଠକ ବ୍ରହ୍ମପୁର ସାଂସଦ ଡକ୍ଟର ପ୍ରଦୀପ କୁମାର ପାଣିଗ୍ରାହୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଧାର୍ଯ୍ୟ ସମୟ ମଧ୍ୟରେ ଉନ୍ନୟନମୂଳକ କାର୍ଯ୍ୟ ସଂପନ୍ନ କରିବା ଉପରେ ସାଂସଦ ଗୁରୁତ୍ୱାରୋପ କରିଛନ୍ତି । ଏଥିରେ ୨୮ଟି ଉନ୍ନୟନ ପ୍ରକଳ୍ପ ଉପରେ ବିସ୍ତୃତ ଆଲୋଚନା କରାଯାଇଛି ।

---

# ସଚେତନତା ସଭା

ସୁବର୍ଣ୍ଣପୁର ଜିଲ୍ଲା ସ୍ୱଳ୍ପ ସଂଚୟ ସଂଗଠନ ପକ୍ଷରୁ ଆର୍ଥିକ ଅନ୍ତର୍ଭୁକ୍ତିକରଣ, ସାକ୍ଷରତା ଏବଂ ସୁକନ୍ୟା ଗ୍ରାମ ଉପରେ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଆର୍ଥିକ ସେବା ଓ ସଞ୍ଚୟ

ଅଧିକାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ପୋଲିସ୍ ନିରୀକ୍ଷକ ରମେଶ କୁମାର ମାହାନା ଯୋଗଦେଇ ସାଇବର ଠକେଇ ପ୍ରତି ସତର୍କ ରହିବାକୁ ପରାମର୍ଶ ଦେଇଥିଲେ । ଏଥିରେ ମହିଳାମାନେ କିଭଳି ଆର୍ଥିକ ଭାବେ ସଶକ୍ତ ହୋଇପାରିବେ ସେ ସଂପର୍କରେ ସୂଚନା ପ୍ରଦାନ କରାଯାଇଥିଲା ।

ସେହିପରି ଭଦ୍ରକ ଜିଲ୍ଲାରେ ଆୟୋଜିତ ଆର୍ଥିକ ସାକ୍ଷରତା ଶିବିରରେ ବିଭିନ୍ନ ବ୍ୟାଙ୍କ ଅଧିକାରୀମାନେ ଯୋଗଦେଇ ମାସିକ ବ୍ୟୟ ବଜେଟ୍, ଜରୁରୀକାଳୀନ ଯୋଜନା ଓ ଋଣ ଆଦି ସଂପର୍କରେ ମହିଳାମାନଙ୍କୁ ପରାମର୍ଶ ଦେଇଥିଲେ ।

## ତାପମାତ୍ରା

ରାଜ୍ୟରେ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଗତକାଲି ୫ଟି ସହରର ତାପମାତ୍ରା ୩୮ ଡିଗ୍ରୀ ସେଲ୍‌ସିୟସ ରେକର୍ଡ କରାଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଝାରସୁଗୁଡ଼ା ଓ ପାରଳାଖେମୁଣ୍ଡିରେ ସର୍ବାଧିକ ତାପମାତ୍ରା ୩୮ ଦଶମିକ ୬ ଡିଗ୍ରୀ ସେଲ୍‌ସିୟସ୍ ରେକର୍ଡ ହୋଇଛି । ସେହିଭଳି ବଲାଙ୍ଗୀର, ଟିଟିଲାଗଡ଼ ଓ ବୌଦ୍ଧରେ ତାପମାତ୍ରା ୩୮ ଡିଗ୍ରୀ ସେଲ୍‌ସିୟସ୍ ରହିଥିଲା । ଆଜି ପୁରୀ, ଭଦ୍ରକ, ଯାଜପୁର, ମୟୂରଭଞ୍ଜ, କେନ୍ଦୁଝର, ସମ୍ବଲପୁର, ବଲାଙ୍ଗୀର ଓ ବୌଦ୍ଧ ଜିଲ୍ଲାରେ ସର୍ବାଧିକ ତାପମାତ୍ରା ୨ରୁ ୩ ଡିଗ୍ରୀ ସେଲ୍‌ସିୟସ୍ ବୃଦ୍ଧି ପାଇବା ନେଇ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି ।

# ତୀରନ୍ଦାଜ

ପୁରୀ ଶ୍ରୀଜଗନ୍ନାଥ ଷ୍ଟାଡିୟମରେ ଆୟୋଜିତ ଏନ୍‌ଟିପିସି ଜାତୀୟ ର୍ୟାଙ୍କିଙ୍ଗ୍ ତୀରନ୍ଦାଜ ପ୍ରତିଯୋଗିତାର ପ୍ରଥମ ପର୍ଯ୍ୟାୟ ଶେଷ ହୋଇଛି । ଏଥିରେ ସିନିୟର ମହିଳା ବିଭାଗରେ ହରିଆଣାର ଭଜନ କୌର ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ପୁରୁଷ ବିଭାଗରେ ବି.ଧିରାଜ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି । ଜୁନିୟର ଓ ସବ୍‌ଜୁନିୟର ବିଭାଗରେ ଆସନ୍ତା ୧୦ ତାରିଖ ପର୍ଯ୍ୟନ୍ତ ପ୍ରତିଯୋଗିତା ଅନୁଷ୍ଠିତ ହେବ ।